# ଜିଲ୍ଲା ସ୍ତରୀୟ ମିଳିତ ଜନଶୁଣାଣି ଶିବିର ଅନୁଷ୍ଠିତ

District level joint hearing of public Grievance.

## ୩ ଜଣଙ୍କୁ ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ଓ ୧୪ ଜଣଙ୍କୁ ଜିଲ୍ଲା ରେଡକ୍ରସ ପାଣ୍ଠିରୁ ଚିକିତ୍ସା ନିମନ୍ତେ ୮୯ ହଜାର ଟଙ୍କାର ଆର୍ଥିକ ସହାୟତା ପ୍ରଦାନ ।

ଅନୁଗୋଳ ୦୨.୦୩ :- ଜିଲ୍ଲା ସ୍ତରୀୟ ମିଳିତ ଜନଶୁଣାଣି ଶିବିର ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟର କୋର୍ଟ ରୁମ୍ ୦ାରେ ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଏହି ଶିବିରରେ ଆରକ୍ଷୀ ଅଧିକ୍ଷକ ଶ୍ରୀ ଜଗମୋହନ ମୀନା ଯୋଗ ଦେଇଥିଲେ । ଶିବିରରେ ଦାଖଲ ହୋଇଥିବା ସମୁଦାୟ ୧୪୦ଟି ଅଭିଯୋଗରୁ ୧୧୧ଟି ବ୍ୟକ୍ତିଗତ, ୧୨ଟି ଗ୍ରାମ୍ୟ ଭିତ୍ତିକ ସମସ୍ୟା ସମ୍ପର୍କୀତ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ଏହାଛଡା ଜିଲ୍ଲା ରେଡକ୍ରସ ପାଣ୍ଠିରୁ ୧୪ ଜଣଙ୍କୁ ୫୯ ହଜାର ଟଙ୍କା ଓ ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ୩ ଜଣଙ୍କୁ ଚିକିତ୍ସା ନିମନ୍ତେ ୩୦ ହଜାର ଟଙ୍କା ଆର୍ଥିକ ସହାୟତା ପ୍ରଦାନ କରାଯାଇଛି । ଏହି ଶିବିରକୁ ଆସିଥିବା ଲୋକମାନେ ସାଧାରଣତଃ ଭତ୍ତା,ଇନ୍ଦିରା ଆବାସ,ବିଜୁ ପକ୍କାଘର, ପାନୀୟ ଜଳ ଯୋଗାଣ, ବିଦ୍ୟୁତ ସମସ୍ୟା,ରାସ୍ତା ନିର୍ମାଣ ,ଶିକ୍ଷା, ସ୍ୱାସ୍ଥ୍ୟ,ବିସ୍ଥାପନ ଓ ବିଭିନ୍ନ ରୋଗର ଚିକିତ୍ସା ନିମନ୍ତେ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଥିଲେ । ଏହି ଶିବିରରେ ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ଅତୁଲ୍ୟ କୁମାର ଚମ୍ପ ତିରୀୟ, ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବାସୁଦେବ ଶତପଥି, ଅନୁଗୋଳ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଶ୍ରୀ ମାୟାଧର ବେହେରା, ଡେପୁଟୀ କଲେକ୍ଟର ଶ୍ରୀ ବଇତୁରା ଦୀପ, ଆସିଷ୍ଟାଣ୍ଟ କଲେକ୍ଟର ଈଶାନୀ ପଣ୍ଡା ଓ ମଧୁସ୍ମିତା ବିଶିଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀ ମାନେ ଯୋଗ ଦେଇଥିଲେ ।




Shot on realme 1